ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୫୨ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୦୫୫୬ ରେ ପହଞ୍ଚିଲା - ସୁସ୍ଥ ହେଲେ ୬୦ ଜଣ ।

ଅନୁଗୋଳ, ତା,୨୨.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ୫୨ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୮୨ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଁଅରପାଳ ବ୍ଲକ୍ ଅଂଚଳରୁ ସର୍ବାଧିକ ୧୨ ଜଣ (୮ ଜଣ ପୁରୁଷ ଓ ୪ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୨ଜଣ ( ୬ଜଣ ପୁରୁଷ ଓ ୬ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୯ଜଣ ( ୮ ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୯ଜଣ ( ୭ଜଣ ପୁରୁଷ ଓ ୨ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୫ଜଣ (୨ ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ), କଣିହାଁ ବ୍ଲକ୍ ଅଂଚଳରୁ ୨ଜଣ (୧ ଜଣ ପୁରୁଷ ଓ ୧ଜଣ ମହିଳା) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ ଜଣ (୧ ଜଣ ପୁରୁଷ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ , ପାଲଲହଡା ବ୍ଲକ୍ ଓ ତାଳଚେର ପୌରାଞ୍ଚଳ ପ୍ରଭୃତି ୩ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଜିଲ୍ଲାପାଳଙ୍କ ନିର୍ଦ୍ଦେଶକ୍ରମେ ଜିଲ୍ଲାର ସମସ୍ତ ଅଂଚଳରେ କୋଭିଡ୍ ନିୟମ ଆଧାରରେ ଯାଞ୍ଚ କାର୍ଯ୍ୟ (Enforcement) କଡା କଡି ଭବେ ଚାଲୁ ରହିଛି । ଆଜି ଅନୁଗୋଳ ଜିଲ୍ଲାରୁ ୬୦ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୫ଜଣ କୋଭିଡ ହସପିଟାଲରୁ ଓ ୫୫ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୬୨ ତା.୨୨.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ